ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1025/11-01-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୧ ଜାନୁଆରୀ,୨୦୨୧

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି ଏକ ଭିଡ଼ିଓ କନ୍‌ଫରେନସିଂ ମାଧ୍ୟମରେ କେନ୍ଦୁପତ୍ର କଲ୍ୟାଣ ପରିଷଦ ବୈଠକରେ ଅଧକ୍ଷତା କରି କେନ୍ଦୁପତ୍ର ତୋଳାଳି ଏବଂ ଅନ୍ୟ କର୍ମଚାରୀଙ୍କ ପାଇଁ ୯୨.୩୭ କୋଟି ଟଙ୍କାର ବୋନସ୍ ଏବଂ ଅନ୍ୟାନ୍ୟ ସହାୟତା ଘୋଷଣା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ମଧ କେନ୍ଦୁପତ୍ର କର୍ମଚାରୀଙ୍କ ମୃତ୍ୟୁ ବା ସଂପୂର୍ଣ୍ଣ ଶାରୀରିକ ଅକ୍ଷମତା କ୍ଷେତ୍ରରେ ଅନୁକମ୍ପାମୂଳକ ସହାୟତା ରାଶିକୁ ୧ ଲକ୍ଷରୁ ୨ ଲକ୍ଷ ଟଙ୍କାକୁ ବୃଦ୍ଧି କରାଯାଇଥିବା କଥା ଘୋଷଣା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ପୁଣି କହିଛନ୍ତି ଯେ କୋଭିଡ୍ ମହାମାରୀ ସମୟରେ ଜଙ୍ଗଲ ଓ ପରିବେଶ ବିଭାଗ ୬୦ ଲକ୍ଷରୁ ଅଧିକ କର୍ମଦିବସ ସୃଷ୍ଟି କରିଥିଲା ଏବଂ ଏଥିରେ ୭,୫୪,୬୩୧ କେନ୍ଦୁପତ୍ର ତୋଳାଳି, ୧୮,୨୨୩ ବନ୍ଧେଇ ଶ୍ରମିକ ଏବଂ ୧୬,୫୩୩ ସାମୟିକ କର୍ମଚାରୀ ଉପକୃତ ହୋଇଛନ୍ତି । ୨୦୨୦ ବର୍ଷରେ ଏ ବାବଦରେ ୨୫୦ କୋଟି ଟଙ୍କା ସିଧାସଳଖ ହିତାଧିକାରୀଙ୍କ ବ୍ୟାଙ୍କ ଖାତାରେ ଜମା କରାଯାଇଛି ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମନ୍ତ୍ରୀ, ଜଙ୍ଗଲ ଓ ପରିବେଶ, ସଂସଦୀୟ ବ୍ୟାପାର ଶ୍ରୀ ବିକ୍ରମ କେଶରୀ ଆରୁଖ, ମାନ୍ୟବର ମନ୍ତ୍ରୀ, ଇସ୍ପାତ ଓ ଖଣି, ପୂର୍ତ୍ତ ଶ୍ରୀ ପ୍ରଫୁଲ୍ଲ କୁମାର ମଲ୍ଲିକ, ମୁଖ୍ୟ ଶାସନ ସଚିବ ଶ୍ରୀ ସୁରେଶ ଚନ୍ଦ୍ର ମହାପାତ୍ର, ଅତିରିକ୍ତ ମୁଖ୍ୟ ଶାସନ ସଚିବ, ଜଙ୍ଗଲ ଓ ପରିବେଶ ବିଭାଗ, ଡ. ମୋନା ଶର୍ମା, ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସଚିବ (୫-'ଟି') ଶ୍ରୀ ଭି.କେ. ପାଣ୍ଡିଆନ୍, ପ୍ରଧାନ ମୁଖ୍ୟ ବନସଂରକ୍ଷକ (କେନ୍ଦୁପତ୍ର) ଶ୍ରୀ ପ୍ରଭାକର ବେହେରାଙ୍କ ସମେତ ବିଭାଗର ବରିଷ୍ଠ ଅଧିକାରୀବୃନ୍ଦ ଏହି ବୈଠକରେ ଉପସ୍ଥିତ ଥିଲେ ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ରାଜ୍ୟ ସରକାର କୋଭିଡ୍-୧୯ ସଂକ୍ରମଣ ପାଇଁ ଜାନୁଆରୀ ୧୬ ତାରିଖରୁ ବୃହତ୍ ଟୀକାକରଣ କାର୍ଯ୍ୟକ୍ରମ ଆରମ୍ଭ କରୁଛନ୍ତି । ବିଭିନ୍ନ ଜିଲ୍ଲାରେ ୧୬୨ଟି ଟୀକାକରଣ କେନ୍ଦ୍ର ଚିହ୍ନଟ କରାଯାଇଛି ଏବଂ ଏଥିପାଇଁ ଆବଶ୍ୟକ ଭିତ୍ତିଭୂମି ନିର୍ମାଣ କରାଯାଇଛି ବୋଲି ସେ କହିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ସମ୍ବଲପୁରର ଦୂରଦୂରାନ୍ତ ଅଞ୍ଚଳର ଅଭାବୀ ରୋଗୀମାନଙ୍କୁ ସାହାଯ୍ୟ ଉଦ୍ଦେଶ୍ୟରେ ଜିଲ୍ଲା ପ୍ରଶାସନ ଆସନ୍ତା ଏକ ବର୍ଷ ମଧ୍ୟରେ ୯ଟି ବ୍ଲକ୍‌ରେ ୭୫୦୦ ଟି ମୋତିଆବିନ୍ଦୁ ଅସ୍ତ୍ରୋପଚାର କରିବ । 'ମୋତିଆବିନ୍ଦୁ ମୁକ୍ତ ସମ୍ବଲପୁର' ଅଭିଯାନ ଅଧୀନରେ ଏହି ଅସ୍ତ୍ରୋପଚାର କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ ବୋଲି ସେ କହିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଉତ୍ତର ମେରୁ ଉପରେ ବିମାନ ଚଳାଇ ସାନ୍‌ଫ୍ରାନ୍‌ସିସ୍‌କୋରୁ ବେଙ୍ଗାଲୁରୁ ପର୍ଯ୍ୟନ୍ତ ୧୬ ହଜାର କିଲୋମିଟରର ଦୀର୍ଘତମ ପଥ ଅତିକ୍ରମ କରିଥିବା ଏୟାର ଇଣ୍ଡିଆ ବିମାନର ସମସ୍ତ ମହିଳା ପାଇଲଟ୍‌ଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଲକ୍ଷ ଲକ୍ଷ ଲୋକଙ୍କ ପାଇଁ ଏହା ନିଶ୍ଚିତ ଭାବେ ପ୍ରେରଣାଦାୟକ ଏବଂ ରାଷ୍ଟ୍ରପାଇଁ ଗୌରବର ମୁହୂର୍ତ୍ତ ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୧,୦୧,୭୩୬ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୨,୧୦୬ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୨୮,୦୪୩ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୮୯୨ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୨,୧୧୮ ରହିଛି ।
- ୨,୧୧୮ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**